# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 1 January - 2026

********************************

# ନୂଆବର୍ଷ

ଅତ୍ୟନ୍ତ ଉତ୍ସାହ ଓ ଉଦ୍ଦୀପନାର ସହ ଇଂରାଜୀ ନବବର୍ଷକୁ ବିଶ୍ୱବାସୀ ସ୍ୱାଗତ କରିଛନ୍ତି । ୨୦୨୫ ଆମଠାରୁ ବିଦାୟ ନେଇଛି ଏବଂ ୨୦୨୬ର ଆଗମନ ହୋଇଛି । ଏହି ଅବସରରେ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ରାଜ୍ୟକୁ ଦେଶର ଏକ ଶ୍ରେଷ୍ଠ ରାଜ୍ୟରେ ପରିଣତ କରିବା ପାଇଁ ସମସ୍ତେ ନିଜ ସ୍ତରରେ ନିଷ୍ଠାପର ପ୍ରୟାସ ଜାରି ରଖିବାକୁ ଆହ୍ୱାନ ଦେଇଛନ୍ତି । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଇଂରାଜୀ ନବବର୍ଷର ଶୁଭେଚ୍ଛା ଜଣାଇବା ସହ ସମୃଦ୍ଧ ଓଡ଼ିଶା ଗଠନ ପାଇଁ ସଂକଳ୍ପବଦ୍ଧ ହୋଇ କାର୍ଯ୍ୟ କରିବାକୁ ରାଜ୍ୟବାସୀଙ୍କୁ ପରାମର୍ଶ ଦେଇଛନ୍ତି । ନୂଆବର୍ଷର ପ୍ରଥମ ଦିନରେ ଆଜି ସକାଳୁ ବିଭିନ୍ନ ମନ୍ଦିରରେ ଶ୍ରଦ୍ଧାଳୁଙ୍କର ଭିଡ ସହିତ ସ୍ୱତନ୍ତ୍ର ପୂଜାର୍ଚ୍ଚନା ଚାଲିଛି ।

ନବବର୍ଷ ଉପଲକ୍ଷେ ପୁରୀ ଶ୍ରୀମନ୍ଦିରରେ ମଧ୍ୟରାତ୍ରିରୁ ପହୁଡ଼ ଫିଟାନୀତି ହୋଇ ଶ୍ରଦ୍ଧାଳୁମାନେ ଶ୍ରୀଜିଉମାନଙ୍କୁ ଦର୍ଶନ କରୁଛନ୍ତି ।

# ମହାନଗର ନିଗମ ପରିଣତ

ପୁରୀ ପୌରପାଳିକା ମହାନଗର ନିଗମରେ ପରିଣତ ହୋଇଛି । ରାଜ୍ୟ ଗୃହନିର୍ମାଣ ଓ ନଗର ଉନ୍ନୟନ ବିଭାଗ ପକ୍ଷରୁ ଏ ସମ୍ପର୍କିତ ବିଜ୍ଞପ୍ତି ପ୍ରକାଶ ପାଇଛି । ମୁଖ୍ୟମନ୍ତ୍ରୀ ଗତ ଜୁଲାଇ ମାସ ୩ ତାରିଖରେ ପୁରୀକୁ ମହାନଗର ନିଗମ ମାନ୍ୟତା ପ୍ରଦାନ ନେଇ ଘୋଷଣା କରିଥିଲେ । ଏହାବ୍ୟତୀତ ୪ଟି ସହର ବଲାଙ୍ଗୀର ଜିଲ୍ଲାର ଲୋଇସିଂହା, ଯାଜପୁର ଜିଲ୍ଲାର ଚଣ୍ଡିଖୋଲ, ମୟୂରଭଞ୍ଜ ଜିଲ୍ଲାର ଯଶୀପୁର ଓ ବାଲେଶ୍ୱର ଜିଲ୍ଲାର ବସ୍ତାକୁ ବିଜ୍ଞପିତ ଅଞ୍ଚଳ ପରିଷଦ ଭାବେ ମାନ୍ୟତା ପ୍ରଦାନ କରାଯାଇଛି । ଏହାସହ ବ୍ରହ୍ମପୁର ମହାନଗର ନିଗମର କଳେବର ବୃଦ୍ଧି ସମ୍ପର୍କରେ ମଧ୍ୟ ଚିଠା ବିଜ୍ଞପ୍ତି ପ୍ରକାଶ ପାଇଛି ।

# ଧାନକ୍ରୟ

ରାଜ୍ୟରେ ଏପର୍ଯ୍ୟନ୍ତ ୧୮ଟି ଜିଲ୍ଲାରେ ପ୍ରାୟ ୨ଲକ୍ଷ ୨୮ହଜାର ଚାଷୀଙ୍କ ଠାରୁ ୧୦ଲକ୍ଷ ମେଟ୍ରିକ ଟନ୍ ଧାନ କିଣାଯାଇଥିବା ଲୋକସେବା ଭବନରେ ଅନୁଷ୍ଠିତ ଏକ ବୈଠକରୁ ଜଣାପଡିଛି । ଖାଦ୍ୟଯୋଗାଣ ଓ ଖାଉଟୀକଲ୍ୟାଣ ମନ୍ତ୍ରୀ କୃଷ୍ଣ ଚନ୍ଦ୍ର ପାତ୍ର ବିଭାଗର ବିଭିନ୍ନ କାର୍ଯ୍ୟକ୍ରମର ସମୀକ୍ଷା କରିଛନ୍ତି । ସମୀକ୍ଷା ବୈଠକରେ ଶ୍ରୀ ପାତ୍ର ଧାନକିଣାକୁ ତ୍ୱରାନ୍ୱିତ କରିବା ପାଇଁ ଗୁରୁତ୍ୱ ଦେଇଛନ୍ତି । ବୈଠକରେ ରାଜ୍ୟରେ ୧୦ଲକ୍ଷ

ମେଟ୍ରିକ ଟନ୍ କ୍ଷମତା ବିଶିଷ୍ଟ ଗୋଦାମ ନିର୍ମାଣ ଉପରେ ଆଲୋଚନା ହୋଇଥିଲା ।

## ବୈଠକ

ଚଳିତ ଖରିଫ ଋତୁ ମଣ୍ଡିରେ ଧାନକ୍ରୟ ସୁଚାରୁରୂପେ ସମ୍ପାଦନ କରିବା ପାଇଁ ଯାଜପୁର ଜିଲ୍ଲା ପ୍ରଶାସନ ପକ୍ଷରୁ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଜିଲ୍ଲାପାଳ ଅମ୍ବର କୁମାର କର ଧାନକ୍ରୟ କେନ୍ଦ୍ର ଗୁଡ଼ିକରେ ସୁ-ବ୍ୟବସ୍ଥା କରିବା ସହ ଚାଷୀମାନଙ୍କୁ ସମସ୍ତ ସହାୟତା ଯୋଗାଇ ଦେବା ଉପରେ ଗୁରୁତ୍ୱାରୋପ କରିଥିଲେ ।

## ମୁଖ୍ୟ ଶାସନ ସଚିବଙ୍କ ଦାୟିତ୍ୱ ଗ୍ରହଣ

ମୁଖ୍ୟ ଶାସନ ସଚିବ ଦାୟିତ୍ୱ ଗ୍ରହଣ କରିବା ପରେ ବରିଷ୍ଠ ଆଇଏଏସ୍ ଅଧିକାରୀ ଅନୁ ଗର୍ଗ ପୁରୀ ଶ୍ରୀମନ୍ଦିର ଆସି ମହାପ୍ରଭୁଙ୍କ ଦର୍ଶନ କରିଛନ୍ତି । ୨୦୩୬ ସୁଦ୍ଧା ଓଡ଼ିଶାକୁ ଏକ ବିକଶିତ ରାଜ୍ୟରେ ପରିଣତ କରିବାପାଇଁ ସରକାରଙ୍କ ଲକ୍ଷ୍ୟ ଦିଗରେ କାର୍ଯ୍ୟକରିବା ସହ ଆଞ୍ଚଳିକ ତାରତମ୍ୟକୁ ହ୍ରାସ କରିବା ମୁଖ୍ୟ ଉଦ୍ଦେଶ୍ୟ ରହିବ । ରାଜ୍ୟରେ ସୁଶାସନ, ମହିଳା ସଶକ୍ତିକରଣ, ବିପର୍ଯ୍ୟୟ ପରିଚାଳନା କରିବା ନେଇ ଶ୍ରୀମତୀ ଗର୍ଗ କାର୍ଯ୍ୟ କରିବେ ବୋଲି କହିଛନ୍ତି ।

## ସଡ଼କ ସୁରକ୍ଷା ମାସ

ରାଜ୍ୟରେ ଆଜିଠାରୁ ଜାତୀୟ ସଡ଼କ ସୁରକ୍ଷା ମାସ ପାଳନ କରାଯାଉଛି । ଏହି ପରିପ୍ରେକ୍ଷୀରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ନିଜ ବାର୍ତ୍ତାରେ କହିଛନ୍ତି, ବିକଶିତ ଓଡ଼ିଶା ନିର୍ମାଣରେ ସମୃଦ୍ଧ ସୁଦୃଢ଼ ତଥା ସୁରକ୍ଷିତ ପରିବହନର ବିଶେଷ ଭୂମିକା ରହିବ । ସଡ଼କ ଦୁର୍ଘଟଣାକୁ ରୋକିବା ପାଇଁ ନିଷ୍ଠାପର ଉଦ୍ୟମ କରିବାକୁ ମୁଖ୍ୟମନ୍ତ୍ରୀ ଆହ୍ୱାନ ଦେଇଛନ୍ତି ।

## ବିଦ୍ୟାଳୟ-ସମୀକ୍ଷା ବୈଠକ

ନୂଆପଡା ଜିଲ୍ଲାପାଳ ମଧୁସୂଦନ ଦାସଙ୍କ ଅଧ୍ୟକ୍ଷତାରେ ଜିଲ୍ଲା ମଙ୍ଗଳ ବିଭାଗ ପକ୍ଷରୁ ପରିଚାଳିତ ବିଦ୍ୟାଳୟମାନଙ୍କର ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ସମସ୍ତ ପ୍ରଧାନଶିକ୍ଷକ ଏବଂ ଶିକ୍ଷକଶିକ୍ଷୟିତ୍ରୀଙ୍କ ଦ୍ୱାରା ଛାତ୍ରଛାତ୍ରୀଙ୍କ ମଧ୍ୟରେ ସୃଜନଶୀଳତା ବିକାଶ ଉପରେ ଜିଲ୍ଲାପାଳ ଗୁରୁତ୍ୱାରୋପ କରିଥିଲେ ।

## ପାଣିପଞ୍ଚାୟତ

ବଲାଙ୍ଗିର ଜଳସମ୍ପଦ ବିଭାଗ ପକ୍ଷରୁ ଆସନ୍ତା ୬ରୁ ୨୦ ତାରିଖ ପର୍ଯ୍ୟନ୍ତ ଜିଲ୍ଲାରେ ପାଣିପଞ୍ଚାୟତ ପକ୍ଷ ପାଳନ କରାଯିବ । ଏନେଇ ଜିଲ୍ଲାପାଳ ଗୋରଓ୍ୱ ଶିଓ୍ୱାଜୀ ଇସଲଓ୍ୱାରଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି ।

# ନୂତନ ଆବାସ ଗୃହପ୍ରବେଶ

ନୂଆପଡା ଜିଲ୍ଲା କୋମନା ବ୍ଲକ ସୋଶେଙ୍ଗ ଗ୍ରାମ ପଞ୍ଚାୟତ ଅନ୍ତର୍ଗତ ଭାଓସିଲ ଗ୍ରାମରେ ୧୭୩ ନୂତନ ଆବାସ ଗୃହ ପ୍ରବେଶ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ପ୍ରଧାନମନ୍ତ୍ରୀ ଜନଜାତି ଆଦିବାସୀ ନ୍ୟାୟ ମହା ଅଭିଯାନ ଅନ୍ତର୍ଗତ ଏହି ଯୋଜନାରେ ସରକାରୀ ଆବାସ ଗୃହ ଜନଜାତି ହିତାଧିକାରୀ ମାନଙ୍କୁ ନିର୍ମାଣ କରିବା ପାଇଁ ସହାୟତା ଯୋଗାଇଥିଲେ ।

# ବାଣିଜ୍ୟ ମେଳା ଉଦ୍‌ଯାପିତ

କେନ୍ଦ୍ର ସରକାରଙ୍କ ଏମ୍‌ଏସ୍‌ଏମ୍‌ଇ, ଡିଏଫ୍‌ଓ, ଶିଳ୍ପବିଭାଗ ଏବଂ ବିଭିନ୍ନ ସରକାରୀ ସଂସ୍ଥାର ମିଳିତ ଆନୁକୂଲ୍ୟରେ ଭଦ୍ରକ ଜିଲ୍ଲାରେ ୭ ଦିନଧରି ଚାଲିଥିବା ବାଣିଜ୍ୟ ମେଳା ଉଦ୍‌ଯାପିତ ହୋଇଯାଇଛି । ଉଚ୍ଚଶିକ୍ଷା ଓ ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଯୋଗଦେଇ ବାଣିଜ୍ୟ ମେଳା ଜରିଆରେ ଜିଲ୍ଲାରେ ଉତ୍ପାଦିତ ସାମଗ୍ରୀ କିପରି ବଜାର ସୃଷ୍ଟି କରିପାରିବ ସେ ନେଇ ଗୁରୁତ୍ୱାରୋପ କରିଥିଲେ ।

# ବିଜୟ ହଜାରେ ଟ୍ରଫି

ବେଙ୍ଗାଲୁରୁରେ ଖେଳାଯାଇଥିବା ବିଜୟ ହଜାରେ କ୍ରିକେଟ୍ ଟ୍ରଫିର ଏଲିଟ୍ ଗ୍ରୁପ୍-ଡି ମ୍ୟାଚ୍‌ରେ ଓଡ଼ିଶା ୭୯ ରନ୍‌ରେ ଦିଲ୍ଲୀକୁ ପରାସ୍ତ କରି ବିଜୟୀ ହୋଇଛି । ଓଡ଼ିଶାର ବିପ୍ଳବ ସାମନ୍ତରାୟଙ୍କ ଅର୍ଦ୍ଧଶତକ ଏବଂ ଅନ୍ୟ

ଖେଳାଳିଙ୍କ ଯୋଗଦାନ ବଳରେ ପ୍ରଥମେ ବ୍ୟାଟିଂ କରି ଓଡ଼ିଶା ୭ ୱିକେଟ୍‌ରେ ୨୭୨ ରନ୍ ସଂଗ୍ରହ କରିବାରେ ସକ୍ଷମ ହୋଇଥିଲା । ପରେ ଓଡ଼ିଶାର ବୋଲରମାନଙ୍କ ଦକ୍ଷତା ପାଇଁ ଦିଲ୍ଲୀ ୪୨ ଦଶମିକ ୩ ଓଭରରେ ୧୯୩ ରନ୍ କରି ଅଲ୍‌ଆଉଟ୍ ହୋଇଯାଇଥିଲା ।

# ପାଣିପାଗ

ରାଜ୍ୟରେ ଶୀତର ଲହରୀ ଜାରି ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଗତକାଲି ଫୁଲବାଣୀ ଠାରେ ସର୍ବନିମ୍ନ ତାପମାତ୍ରା ୬ ଦଶମିକ ୨ ଡିଗ୍ରୀ ଏବଂ ଝାରସୁଗୁଡାଠାରେ ସର୍ବନିମ୍ନ ତାପମାତ୍ରା ୬ ଦଶମିକ ୩ ଡିଗ୍ରୀ ସେଲ୍‌ସିୟସ ରେକର୍ଡ କରାଯାଇଥିଲା । ଆସନ୍ତା ୨୪ଘଣ୍ଟା ମଧ୍ୟରେ ପ୍ରବଳ ଘନକୁହୁଡି ହେବା ନେଇ ଜଗତ୍‌ସିଂହପୁର, କେନ୍ଦ୍ରାପଡା ଏବଂ ପୁରୀ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି । ସେହିଭଳି ୧୫ଟି ଜିଲ୍ଲାରେ ଘନକୁହୁଡ଼ି ହେବା ନେଇ ପାଣିପାଗ କେନ୍ଦ୍ର ସତର୍କ ସୂଚନା ଜାରି କରିଛି ।